ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୩୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୨୭୮୯ରେ ପହଞ୍ଚିଲା - ସୁସ୍ଥ ହେଲେ ୩ ଜଣ ।

ଅନୁଗୋଳ, ତା.୧୨.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୩୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୨୫୭ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୧୫ଜଣ ( ୮ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ଜଣ (୭ ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୩ଜଣ ( ୩ଜଣ ପୁରୁଷ ), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୨ଜଣ ( ୨ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୩ଜଣ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୨୫୪ ତା.୧୨.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ